[ନିୟମ – ୪ (୪-୧) ଦ୍ରଷ୍ଟବ୍ୟ]

# ତହସିଲ କାର୍ଯ୍ୟାଳୟ, କନିଷି, ଗଞ୍ଜାମ

Alienation Misc. Case No. ୨୩/୨୦୨୫

## ସର୍ବସାଧାରଣ ନୋଟିସ୍

ଏତଦ୍ ଦ୍ୱାରା ମୌଜା– କରାପଲ୍ଲୀ, ଥାନା – ବ୍ରହ୍ମପୁର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନଲିଖିତ ତଫସିଲଭୁକ୍ତ ଜମିକୁ ରକ୍ଷିତ ଅନାବାଦି ରୁ ଆବାଦ ଯୋଗ୍ୟ ଅନାବାଦି ଖାତା ଓ କିସମ **ଗୋଚର** ରୁ **ପତିତ** କିସମ ରେ ପରିବର୍ତ୍ତନ କଲାପରେ ବିଦ୍ୟାଳୟ ଏବଂ ଗଣଶିକ୍ଷା ବିଭାଗ, ଓଡ଼ିଶା ସରକାର ମାର୍ଫତ ଉଚ୍ଚ ବିଦ୍ୟାଳୟ, କରାପଲ୍ଲୀ ଙ୍କ ନାମରେ ହସ୍ତାନ୍ତର କରିବା ପାଇଁ ସ୍ଥିରୀକୃତ ହୋଇଅଛି।

ଏଣୁ ନିମ୍ନ ତଫସିଲଭୁକ୍ତ ଜମିର ଖାତା ଓ କିସମ ପରିବର୍ତ୍ତନ ଉପରେ ଯଦି କାହାର କିଛି ଆପତ୍ତି ଅଭିଯୋଗ ଥାଏ, ଏହି ଇସ୍ତାହାର ପ୍ରକାଶ ପାଇବାର ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଯେ କୌଣସି କାର୍ଯ୍ୟ ଦିବସରେ ଲିଖିତ ଆପତ୍ତି ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଅତିକ୍ରାନ୍ତ ହେବା ପରେ କୌଣସି ଅଭିଯୋଗ ଗ୍ରହଣ କରାଯିବନାହିଁ ।

ତଫସିଲଭୁକ୍ତ ଜମିର ବିବରଣୀ

| ମୌଜା | ଖାତା ନଂ | ପ୍ଲଟ ନଂ | ମୋଟ ରକବା (ଏକରରେ) | ପ୍ରସ୍ତାବିତ ରକବା (ଏକରରେ) | କିସମ/ ଖାତାଦାର |
|---|---|---|---|---|---|
| କରାପଲ୍ଲୀ | ୪୦୪ | ୨୦୬୪ | ୩.୫୦୦ | ୧.୩୨୫ | ଗୋଚର /ରକ୍ଷିତ ଅନାବାଦି |
| | | ୨୦୬୬ | ୦.୧୦୮ | ୦.୦୮୫ | |
| | | ୨୦୬୫ | ୦.୦୨୫ | ୦.୦୨୫ | |

(ସ୍ୱାକ୍ଷର) ୧୪/୭/୨୫
ତହସିଲଦାର, କନିଷି

**ପରିପତ୍ର ସଂଖ୍ୟା-୨୪୩୦ /** **ତାରିଖ- ୧୪ .୦୭.୨୦୨୫**

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ (DIO), NIC, ଗଞ୍ଜାମଙ୍କ ଅବଗତି ଓ ୱେବ-ସାଇଟ୍ ମାଧ୍ୟମରେ ବିଜ୍ଞପ୍ତି ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, କରାପଲ୍ଲୀଙ୍କ ଦ୍ୱାରା ମୌଜା- କରାପଲ୍ଲୀ ପ୍ରକାଶ୍ୟ ସ୍ଥାନରେ ଡେଣ୍ଡରା/ମାଇକିଙ୍ଗ ଦ୍ୱାରା ଜାରି କରିବା ପାଇଁ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, କରାପଲ୍ଲୀ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ/ ସରପଞ୍ଚଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, କନିଷିର ବିଜ୍ଞାପନ ଫଳକରେ ସର୍ବସାଧାରଣଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ଜାରି କରାଗଲା ।

(ସ୍ୱାକ୍ଷର) ୧୪/୭/୨୫
ତହସିଲଦାର, କନିଷି